ପ୍ରେସ୍‌ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା. ୨୫.୦୪:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ୦ାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୬୨ଟି ଅଭିଯୋଗରୁ ୪୭ଟି ବ୍ୟକ୍ତିଗତ ଓ ୧୫ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦିଆଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଶିକ୍ଷା, ଖଣି ବିସ୍ଥାପିତ ପରିବାରଂକ ସମସ୍ୟା, ଚିକିତ୍ସା ଓ ଜିଲ୍ଲା ମଙ୍ଗଳ ବିଭାଗର ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦିପ୍ , ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ, ଡେପୁଟୀ କଲେକ୍ଟର ଶ୍ରୀମତୀ ସରିତା ପ୍ରଧାନ, ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁ, ସହକାରୀ ଜିଲ୍ଲାପାଳ ଶ୍ରୀ ଅଜୟ ଗଡନାୟକଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧି କାରୀମାନେ ଯୋଗ ଦେଇଥିଲେ ।